ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୫୪୫ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୩୩୨୪୫ରେ ପହଞ୍ଚିଲା - ସୁସ୍ଥ ହେଲେ ୧୨୦୧ ଜଣ ।

ଅନୁଗୋଳ, ତା.୨୯.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୫୪୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮୯ଜଣ ( ୫୩ଜଣ ପୁରୁଷ ଓ ୩୬ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୮୨ଜଣ ( ୫୭ଜଣ ପୁରୁଷ ଓ ୨୫ଜଣ ମହିଳା), ବଣ୍ଟଁରପାଳ ବ୍ଲକ୍ ଅଂଚଳରୁ ୭୬ଜଣ ( ୪୭ଜଣ ପୁରୁଷ ଓ ୨୯ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭୫ଜଣ ( ୪୯ଜଣ ପୁରୁଷ ଓ ୨୬ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୬୧ଜଣ ( ୩୭ଜଣ ପୁରୁଷ ଓ ୨୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୫୨ଜଣ ( ୩୧ଜଣ ପୁରୁଷ ଓ ୨୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୫୦ଜଣ (୨୭ ଜଣ ପୁରୁଷ ଓ ୨୩ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨୬ଜଣ ( ୧୫ଜଣ ପୁରୁଷ ଓ ୧୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୬ଜଣ ( ୯ଜଣ ପୁରୁଷ ଓ ୭ଜଣ ମହିଳା),ତାଳଚେର ପୌରାଞ୍ଚଳରୁ ୧୪ଜଣ ( ୯ଜଣ ପୁରୁଷ ଓ ୫ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୪ଜଣ ( ୪ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୯୪ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୨୦୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୯୯ଜଣ ମୃତ୍ୟୁବରଣ କଲେଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୩୬ ତା.୨୯.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ